## ଆଜି ଅନୁଗୋଳ ଜିଲ୍ଲାରୁ ୧୧ ଜଣ କରୋନା ପଜିଟିଭ ଚିହ୍ନଟ -

### ପଜିଟିଭ ସଂଖ୍ୟା ୧୨୨୦୧ ରେ ପହଞ୍ଚିଲା - ସୁସ୍ଥ ହେଲେ ୧୧ ଜଣ ।

ଅନୁଗୋଳ, ତା. ୨୧.୦୧:- ଆଜି ଅନୁଗୋଳ ଜିଲ୍ଲାରେ ୧୧ ଜଣ ନୂଆ କରୋନା ପଜିଟିଭ ଚିହ୍ନଟ ହୋଇଥିବାର ଜଣାପଡିଛି । ସେହିପରି ଅନ୍ୟ ଜିଲ୍ଲାରୁ ଅନୁଗୋଳରେ ସ୍ୱାବ ନମୁନା ଦେଇଥିବା ବ୍ୟକ୍ତିମାନଙ୍କ ମଧ୍ୟରୁ ୨ ଜଣ ଆକ୍ରାନ୍ତ ଚିହ୍ନଟ ହୋଇ ସମୁଦାୟ ଆକ୍ରାନ୍ତଙ୍କ ସଂଖ୍ୟା ୨୩୩ ରେ ପହଂଚିଛି । ଅନୁଗୋଳ ଜିଲ୍ଲା ମଧ୍ୟରୁ ଚିହ୍ନଟ ହୋଇଥିବା ଆକ୍ରାନ୍ତମାନଙ୍କ ମଧ୍ୟରେ ଛେଣ୍ଡିପଦା ବ୍ଲକ୍ ଅଂଚଳରୁ ୪ଜଣ ( ୧ଜଣ ପୁରୁଷ ଓ ୩ଜଣ ମହିଳା), ବଣ୍ଟାରପାଳ ବ୍ଲକ୍ ଅଂଚଳରୁ ୪ଜଣ ( ୨ଜଣ ପୁରୁଷ ଓ ୨ଜଣ ମହିଳା) ଓ ଅନୁଗୋଳ ପୌରାଞ୍ଚଳରୁ ୩ଜଣ (୩ ଜଣ ମହିଳା) ଅଛନ୍ତି । ଆଜି ତାଳଚେର ବ୍ଲକ , ପାଲଲହଡା ବ୍ଲକ, ଅନୁଗୋଳ ବ୍ଲକ, କିଶୋରନଗର ବ୍ଲକ, ତାଳଚେର ପୌରାଞ୍ଚଳ, ଆଠମଲ୍ଲିକ ବ୍ଲକ, ଆଠମଲ୍ଲିକ ବିଜ୍ଞାପିତ ଅଂଚଳ ଓ କଣିହାଁ ବ୍ଲକ ପ୍ରଭୃତି ୮ଟି ଅଂଚଳରୁ କୌଣସି ପଜିଟିଭ ଚିହ୍ନଟ ହୋଇନାହାନ୍ତି । ଚିହ୍ନଟ ହୋଇଥିବା ସମସ୍ତ ଲକ୍ଷଣଯୁକ୍ତ ଆକ୍ରାନ୍ତମାନଙ୍କୁ ଜିଲ୍ଲା ମୁଖ୍ୟ ଚିକିତ୍ସାଳୟର କରୋନା ୱାର୍ଡକୁ ଚିକିତ୍ସା ନିମନ୍ତେ ସ୍ଥାନାନ୍ତର କରାଯାଉଥିବା ବେଳେ ସ୍ୱଳ୍ପ ଲକ୍ଷଣଯୁକ୍ତ ଓ ଲକ୍ଷଣ ବିହିନ ଆକ୍ରାନ୍ତମାନଙ୍କୁ ନିଜ ଘରେ Isolation ରେ ରଖାଯାଇ ନିରିକ୍ଷଣ କରାଯାଉଛି ବୋଲି ଜିଲ୍ଲାପାଳ ଶ୍ରୀ ସିଦ୍ଧାର୍ଥ ଶଙ୍କର ସ୍ୱାଇଁ ପ୍ରକାଶ କରିଛନ୍ତି । ଆଜି ଅନୁଗୋଳ ଜିଲ୍ଲାରୁ ସୁସ୍ଥ ହୋଇଥିବା ୧୧ଜଣ ଯାକ ହୋମ Isolation ରେ ଥିବାର ଜଣାପଡିଛି ।

ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ କାର୍ଯ୍ୟାଳୟ,ଅନୁଗୋଳ ।

ଜ୍ଞାପକ ସଂଖ୍ୟା. ୬୫ ତା.୨୧.୦୧.୨୦୨୧ ।

ଏହାର ଏକକିତା ନକଲ ସମସ୍ତ ଜିଲ୍ଲା ସ୍ତରୀୟ ସାମ୍ବାଦିକଙ୍କ ସଦୟ ଅବଗତି ଓ ଏହାର ପ୍ରକାଶନ ନିମନ୍ତେ ପ୍ରେରଣ କରାଗଲା ।

ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ ଅଧିକାରୀ, ଅନୁଗୋଳ